# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**20 October – 2025**

---

# ଉପନିର୍ବାଚନ

ନୂଆପଡ଼ା ବିଧାନସଭା ଉପନିର୍ବାଚନ ପାଇଁ ଆଜି ନାମାଙ୍କନପତ୍ର ଦାଖଲର ଶେଷ ଦିବସ । ଏପର୍ଯ୍ୟନ୍ତ ୪ ଜଣ ପ୍ରାର୍ଥୀ ନାମାଙ୍କନ ପତ୍ର ଦାଖଲ କରିଥିବା ଜଣାପଡ଼ିଛି । ବିଜେପିର ଜୟ ଢୋଲକିଆ, କଂଗ୍ରେସର ଘାସିରାମ ମାଝୀ ଏବଂ ୨ ଜଣ ସ୍ୱାଧୀନ ପ୍ରାର୍ଥୀ ନାମାଙ୍କନପତ୍ର ଦାଖଲ କରିଛନ୍ତି । ଆସନ୍ତା ୨୨ ତାରିଖ ଦିନ ପ୍ରାର୍ଥୀପତ୍ର ଯାଞ୍ଚ କରାଯିବା ସହ ୨୪ ତାରିଖରେ ପ୍ରାର୍ଥୀପତ୍ର ପ୍ରତ୍ୟାହାରର ଶେଷଦିନ ରହିଛି । ନଭେମ୍ବର ମାସ ୧୧ ତାରିଖରେ ଭୋଟ୍ ଗ୍ରହଣ କରାଯାଇ ୧୪ ତାରିଖରେ ଭୋଟ୍ ଗଣତି ସହ ଫଳାଫଳ ପ୍ରକାଶ ପାଇବ ।

---

# ପୋଲିସ୍ ବୃତ୍ତିଗତ ପ୍ରତିଯୋଗିତା

ବିକଶିତ ରାଷ୍ଟ୍ର ଓ ସମୃଦ୍ଧ ରାଜ୍ୟ ସଂକଳ୍ପକୁ ସାକାର କରିବାରେ ପୋଲିସ୍ ବିଭାଗର ଭୂମିକା ଗୁରୁତ୍ୱପୂର୍ଣ୍ଣ ବୋଲି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି। କଟକ ରିଜର୍ଭ ପୋଲିସ୍ ପଡ଼ିଆଠାରେ ଗତକାଲି ରାଜ୍ୟ ପୋଲିସ୍ ବୃତ୍ତିଗତ ପ୍ରତିଯୋଗିତାର ଉଦ୍‌ଯାପନ ସମାରୋହରେ ଯୋଗଦେଇ ଶ୍ରୀ ହରିଚନ୍ଦନ କହିଛନ୍ତି, ପୋଲିସ୍ ବିଭାଗର ଆଧୁନିକୀକରଣକୁ ସରକାର ପ୍ରାଥମିକତା ଦେଉଛନ୍ତି । **V/O**

ଆରକ୍ଷୀ ମହାନିର୍ଦ୍ଦେଶକ ଯୋଗେଶ ବାହାଦୂର ଖୁରାନିଆ ସମାରୋହରେ ଯୋଗଦେଇ ବୃତ୍ତିଗତ ଦକ୍ଷତାର ଆବଶ୍ୟକତା ଉପରେ ମତ ବ୍ୟକ୍ତ କରିଛନ୍ତି । ୩ ଦିନ ଧରି ଅନୁଷ୍ଠିତ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଛି ।

## ରାଜସ୍ୱମନ୍ତ୍ରୀ

ତୃଣମୂଳସ୍ତରରେ ରାଜସ୍ୱ ସେବାର ସୁଫଳ ପହଞ୍ଚାଇବାକୁ ରାଜସ୍ୱମନ୍ତ୍ରୀ ସୁରେଶ ପୂଜାରୀ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଛନ୍ତି । ଭୁବନେଶ୍ୱର ଗୋଠପାଟଣାସ୍ଥିତ ରାଜସ୍ୱ ଅଧିକାରୀଙ୍କ ପ୍ରଶିକ୍ଷଣ ଅନୁଷ୍ଠାନରେ ଆୟୋଜିତ ୨ ଦିନିଆ କେନ୍ଦ୍ରାଞ୍ଚଳ ରାଜସ୍ୱ ସମ୍ମିଳନୀର ଉଦ୍‌ଯାପନୀ ସମାରୋହରେ ଯୋଗଦେଇ ମନ୍ତ୍ରୀ ଶ୍ରୀ ପୂଜାରୀ କହିଛନ୍ତି, ପ୍ରତ୍ୟେକ ପଞ୍ଚାୟତରେ ରାଜସ୍ୱ ନିରୀକ୍ଷକଙ୍କ କାର୍ଯ୍ୟାଳୟ ଖୋଲିବା ପାଇଁ ସରକାର ନିଷ୍ପତ୍ତି ଗ୍ରହଣ କରିଛନ୍ତି । ଖାଲିଥିବା ପଦବୀ ଗୁଡ଼ିକ ଖୁବ୍‌ଶୀଘ୍ର ପୂରଣ କରାଯିବା ସହ ବିଭାଗର ଆଧୁନିକୀକରଣ ଦିଗରେ ପଦକ୍ଷେପ ନିଆଯାଉଛି ବୋଲି ସେ କହିଛନ୍ତି । ସମାରୋହରେ କେନ୍ଦ୍ରାଞ୍ଚଳ ରାଜସ୍ୱ ଆୟୁକ୍ତ ଗୁହା ପୁନମ୍ ତାପସ କୁମାର ଏବଂ ବିଭାଗୀୟ ବରିଷ୍ଠ ପଦାଧିକାରୀ ଯୋଗଦେଇଥିଲେ ।

## ଟାସ୍କଫୋର୍ସ ବୈଠକ

ରାଜ୍ୟରେ ଭିତ୍ତିଭୂମି ଏବଂ ଅନ୍ୟାନ୍ୟ ପ୍ରମୁଖ ପ୍ରକଳ୍ପଗୁଡ଼ିକର କାର୍ଯ୍ୟ ଅଗ୍ରଗତି ସଂକ୍ରାନ୍ତ ଉଚ୍ଚସ୍ତରୀୟ ତୃତୀୟ ଟାସ୍କଫୋର୍ସ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି । ଭୁବନେଶ୍ୱରସ୍ଥିତ ଲୋକସେବା ଭବନ ସମ୍ମିଳନୀ କକ୍ଷରେ ମୁଖ୍ୟ ଶାସନ ସଚିବ ମନୋଜ ଆହୁଜାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ

ବୈଠକରେ ବିଭିନ୍ନ ସ୍ତରରେ ସଂସ୍ଥାଗତ ବ୍ୟବସ୍ଥାକୁ ଅଧିକ ସୁଦୃଢ଼ କରିବା ସହିତ ପ୍ରକଳ୍ପ ପରିଚାଳନା ଏବଂ କାର୍ଯ୍ୟକାରିତାକୁ ତ୍ୱରାନ୍ୱିତ କରିବା ଉପରେ ଗୁରୁତ୍ୱ ଦିଆଯାଇଛି । ବୈଠକରେ ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଅନୁ ଗର୍ଗଙ୍କ ସମେତ ବିଭିନ୍ନ ବିଭାଗର ବରିଷ୍ଠ ଅଧିକାରୀମାନେ ଯୋଗ ଦେଇଥିଲେ ।

---

## ଦୀପାବଳି

ଆଲୋକର ପର୍ବ ଦୀପାବଳି ଆଜି ପାଳନ କରାଯାଉଛି । ଏଥିସହ ଦେବୀପୀଠ ଏବଂ ପୂଜା ମଣ୍ଡପ ଗୁଡ଼ିକ ମା'ଙ୍କ ପୂଜା ପାଇଁ ଚଳଚଞ୍ଚଳ ହୋଇଉଠିଛି । ପରିବେଶ ଅନୁକୂଳ ଦୀପାବଳି ପାଳନ ପାଇଁ ସବୁଜ ବାଣ ଫୁଟାଇବାକୁ ଅନୁମତି ଦିଆଯାଇଛି । ତେବେ ତୀବ୍ର ଶବ୍ଦଯୁକ୍ତ ବାଣ ବ୍ୟବହାର ଉପରେ କଟକଣା ଜାରି କରାଯାଇଛି । ସନ୍ଧ୍ୟା ୭ଟାରୁ୯ଟା ପର୍ଯ୍ୟନ୍ତ ବାଣ ଫୁଟାଇବା ନେଇ ପ୍ରଶାସନ ପକ୍ଷରୁ ସମୟସୀମା ଧାର୍ଯ୍ୟ କରାଯାଇଛି ।

ଦୀପାବଳୀ ଅବସରରେ ରାଜ୍ୟପାଳ ଡକ୍ଟର ହରିବାବୁ କମ୍ଭମପାଟି ଓ ମୁଖ୍ୟମନ୍ତ୍ରୀ ମୋହନ ଚରଣମାଝୀ ରାଜ୍ୟବାସୀଙ୍କୁ ଶୁଭେଚ୍ଛା ଜଣାଇଛନ୍ତି। ପୃଥକ ପୃଥକ ବାର୍ତ୍ତାରେ ଦୀପାବଳୀ ସମସ୍ତଙ୍କ ପାଇଁ ସୁଖ, ଶାନ୍ତି ଓ ସମୃଦ୍ଧି ଆଣୁ ବୋଲି କାମନା କରିଛନ୍ତି ।

# ପାର୍ବଣଶ୍ରାଦ୍ଧ

ଶ୍ରୀମନ୍ଦିରରେ ପିତୃପୁରୁଷଙ୍କ ଉଦ୍ଦେଶ୍ୟରେ ପାର୍ବଣଶ୍ରାଦ୍ଧ ଓ ବଡବଡୁଆ ଡାକ ତଥା ଅମାବାସ୍ୟା ଠାକୁରଙ୍କର ସାଗର ବିଜେ ନୀତି

ଆଜି ଅନୁଷ୍ଠିତ ହେବ । ଶ୍ରୀମନ୍ଦିର ପ୍ରଶାସନ ଓ ଜିଲ୍ଲା ପ୍ରଶାସନ ପକ୍ଷରୁ ବ୍ୟାପକ ପ୍ରସ୍ତୁତି କରାଯାଇଛି । ଶ୍ରୀକ୍ଷେତ୍ରରେ ଥିବା ଶ୍ୟାମାକାଳୀ, ଦକ୍ଷିଣକାଳୀ, ବାଟକାଳୀ ଓ ଗଛକାଳୀଙ୍କ ସମେତ ବୀରଗୋବିନ୍ଦପୁର ଗ୍ରାମରେ ଥିବା ପ୍ରସିଦ୍ଧ ମା'ଦକ୍ଷିଣକାଳୀଙ୍କ ମନ୍ଦିରରେ ଆଜି ମଧରାତ୍ରିରେ କାଳିପୂଜା ଲାଗି ପ୍ରସ୍ତୁତି ଶେଷ ପର୍ଯ୍ୟାୟରେ ପହଞ୍ଚିଛି ।

ଭଦ୍ରକ ଜିଲ୍ଲାର ପ୍ରସିଦ୍ଧ ଭଦ୍ରକାଳୀ ପୀଠରେ ୭ ଦିନିଆ ମହାଯଜ୍ଞ, ଗୀତାଯଜ୍ଞ ଅନୁଷ୍ଠିତ ହେଉଛି ।

## କାଳୀପୂଜା

ଯାଜପୁର ସହରେ କାଳୀପୂଜା ଓ ଲକ୍ଷ୍ମୀନାରାୟଣ ପୂଜା ଅବସରରେ ଶ୍ରଦ୍ଧାଳୁଙ୍କ ଭିଡ଼କୁ ଦୃଷ୍ଟିରେ ରଖି ବ୍ୟାପକ ସୁରକ୍ଷା ବ୍ୟବସ୍ଥା ଗ୍ରହଣ କରାଯାଇଛି । ସହରରେ ଗତ ସନ୍ଧ୍ୟାରେ ପୋଲିସ୍ ପକ୍ଷରୁ ଫ୍ଲାଗ୍‌ମାର୍ଚ୍ଚ କରାଯାଇଥିଲା । ପ୍ରମୁଖ ଛକଗୁଡ଼ିକରେ ୩୨ଟି ସିସିଟିଭି କ୍ୟାମେରା ସହ ଶ୍ରଦ୍ଧାଳୁଙ୍କ ସହାୟତା ପାଇଁ ୮ଟି ପୋଲିସ୍ ସହାୟତା କେନ୍ଦ୍ର ସ୍ଥାପନ କରାଯାଇଛି ।

## ଅଷ୍ଟିଓ ପୋରୋସିସ୍ ଦିବସ

ବିଶ୍ୱ ଅଷ୍ଟିଓପୋରୋସିସ୍ ବା ଅସ୍ଥିକ୍ଷୟ ରୋଗ ନିରାକରଣ ଦିବସ ଆଜି ପାଳନ କରାଯାଉଛି । ରୋଗର କାରଣ ଏବଂ ନିରାକରଣ ସଂପର୍କରେ

ଜନସଚେତନତା ସୃଷ୍ଟି ଲକ୍ଷ୍ୟ ନେଇ ପ୍ରତିବର୍ଷ ଅକ୍ଟୋବର ୨୦ ତାରିଖରେ ଏହି ଦିବସ ପାଳନ କରାଯାଇଥାଏ । ଦୈନନ୍ଦିନ ଜୀବନରେ ବ୍ୟାୟାମ ଏବଂ ପୁଷ୍ଟିକର ଖାଦ୍ୟ ଗ୍ରହଣ ଦ୍ୱାରା ହାଡ଼ ସୁଦୃଢ଼ ହେବା ସହ ଅସ୍ଥିକ୍ଷୟ ଜନୀତ ସମସ୍ୟାର ମୁକାବିଲା କରାଯାଇ ପାରିବ ବୋଲି ଆୟୁଷ ମନ୍ତ୍ରଣାଳୟ ପକ୍ଷରୁ ପରାମର୍ଶ ଦିଆଯାଇଛି ।

## ବ୍ୟାଡମିଣ୍ଟନ

ନବରଙ୍ଗପୁରଠାରେ ଅଣସ୍ତରୀତମ ରାଜ୍ୟସ୍ତରୀୟ ବିଦ୍ୟାଳୟ ସମୂହ ବ୍ୟାଡମିଣ୍ଟନ ଓ ସିପକ୍‌ଟାକ୍ରୋ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ବିଜୁପଟ୍ଟନାୟକ ଷ୍ଟାଡିୟମଠାରେ ଆୟୋଜିତ ଉଦ୍‌ଯାପନୀ ସମାରୋହରେ ଦଳଗତ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଛି ।

## ପାଣିପାଗ

ଦକ୍ଷିଣ ଆଣ୍ଡାମାନ ସାଗର ଏବଂ ଏହାର ପାର୍ଶ୍ୱପର୍ତ୍ତୀ ଦକ୍ଷିଣ-ପୂର୍ବ ବଙ୍ଗୋପସାଗରରେ ସକ୍ରିୟ ଘୂର୍ଣ୍ଣିବଳୟ ପ୍ରଭାବରେ ଆସନ୍ତାକାଲି ଲଘୁଚାପ କ୍ଷେତ୍ର ସୃଷ୍ଟି ହେବାର ସମ୍ଭାବନା ରହିଛି । ୨୩ ତାରିଖ ସୁଦ୍ଧା ଏହା ଅଧିକ ଘନୀଭୂତ ହୋଇ ଅବପାତରେ ପରିଣତ ହେବ ବୋଲି ଭାରତୀୟ ପାଣିପାଗ ବିଭାଗ ପୂର୍ବାନୁମାନ କରିଛି ।  ୧୪ଟି ଜିଲ୍ଲାରେ ଆଜି ଘଡ଼ଘଡ଼ି ସହ ବର୍ଷା ହେବା ନେଇ ଆଞ୍ଚଳିକ ପାଣିପାଗ କେନ୍ଦ୍ର ପକ୍ଷରୁ ସୂଚନା ଦିଆଯାଇଛି ।

........................................................................